ଗ୍ରାମୀଣ କୃଷି ମୌସୁମୀ ସେବା

ଭାରତୀୟ ପାଣିପାଗ ବିଭାଗ

ଓଡ଼ିଶା କୃଷି ଏବଂ ପ୍ରଯୁକ୍ତିବିଦ୍ୟା ବିଶ୍ୱବିଦ୍ୟାଳୟ

ଭୁବନେଶ୍ୱର, ଓଡିଆ

# କୃଷି ଉପଦେଶ ପ୍ରସାରିତ ସମାଚାର

**ତାରିଖ : 19-01-2024**

**ମୟୂରଭଞ୍ଜ(ଓଡିଶା) - :2024-01-19 ( ଆସନ୍ତା ପାଞ୍ଚଦିନର ୦୮.୩୦ ଭାରତୀୟ ମାନକ ସମୟ ପର୍ଯ୍ୟନ୍ତ)**

| ପାଣିପାଗ କାରକ | 2024-01-20 | 2024-01-21 | 2024-01-22 | 2024-01-23 | 2024-01-24 |
|---|---|---|---|---|---|
| ବର୍ଷା (ମିମି) | 5.0 | 2.0 | 0.0 | 5.0 | 10.0 |
| ସର୍ବାଧିକ ତାପମାତ୍ରା (°ସେଲସିୟସ) | 25.0 | 26.0 | 26.0 | 26.0 | 25.0 |
| ସର୍ବନିମ୍ନ ତାପମାତ୍ରା (°ସେଲସିୟସ) | 16.0 | 15.0 | 15.0 | 16.0 | 17.0 |
| ଆପେକ୍ଷିକ ଆର୍ଦ୍ରତା I (ପ୍ରତିଶତ) | 76 | 79 | 84 | 83 | 84 |
| ଆପେକ୍ଷିକ ଆର୍ଦ୍ରତା II (ପ୍ରତିଶତ) | 48 | 44 | 49 | 45 | 46 |
| ପବନର ବେଗ (କିମି ପ୍ରତି ଘଣ୍ଟା) | 7 | 6 | 7 | 6 | 7 |
| ପବନର ଦିଗ (ଡିଗ୍ରୀ) | 68 | 199 | 152 | 191 | 153 |
| ମେଘାଚ୍ଛନ (ଅକ୍ଟା) | 8 | 6 | 6 | 7 | 8 |

## ପାଣିପାଗ ସାରାଂଶ/ସତର୍କ:

| |
|---|
| ସାଧାରଣତ ମେଘୁଆରୁ ସମ୍ପୂର୍ଣ ମେଘୁଆ ଆକାଶ ସହିତ ଜିଲ୍ଲାରେ ଅତି ହାଲୁକା ରୁ ହାଲୁକା ବର୍ଷା ହେବାର ସମ୍ଭାବନା ଅଛି \| ଆସନ୍ତା ପାଞ୍ଚ ଦିନ ପର୍ଯ୍ୟନ୍ତ ପବନର ବେଗ ୬.୦ ରୁ ୭.୦ କିଲୋମିଟର ପ୍ରତି ଘଣ୍ଟା ମଧରେ ରହିବ \| ସର୍ବାଧିକ ତାପମାତ୍ରା ୨୫.୦°C ରୁ ୨୬.୦°C ମଧରେ ହୋଇପାରେ \| ସର୍ବନିମ୍ନ ତାପମାତ୍ରା ୧୫.୦°C ରୁ ୧୭.୦°C ମଧରେ ରହିପାରେ \| ସକାଳେ ଆପେକ୍ଷିକ ଆଦ୍ରତା ୭୬ ରୁ ୮୪ ପ୍ରତିଶତ ମଧରେ ହୋଇପାରେ ଏବଂ ଅପରାହ୍ନରେ ୪୪ ରୁ ୪୯ ପ୍ରତିଶତ ମଧରେ ରହିପାରେ \| |

## ସାଧାରଣ ଉପଦେଶ:

| |
|---|
| ରାତିର ତାପମାତ୍ରା କମ୍ ରହୁଥିବାରୁ ତଳିଘରାରେ ଧାନ ତଳି ଭଲ ବଢିବା ପାଇଁ ଶୁଖିଲା ଖତକୁ ଗୁଣ୍ଡ କରି ପ୍ରୟୋଗ କରନ୍ତୁ, ଯଦ୍ୱାରା ତାପମାତ୍ରା ଅଧିକ ରହିବ ଓ ତଳି ଭଲଭାବରେ ବଢିବ । ଗେଣ୍ଡୁ ଏବଂ ଅମଳ ଉପଯୁକ୍ତ ପନିପରିବା ଯଥା କୋବି ଓ ଶାଗ ଅମଳ କରିଦିଅନ୍ତୁ । ରବି ଫସଲ ପାଇଁ ଖାଲ ଜମିରୁ ଜଳ ନିଷ୍କାସନର ବ୍ୟବସ୍ଥା କରନ୍ତୁ । ପନିପରିବା ଓ ଧାନ ତଳିଘରାକୁ ପଲିଥିନ୍ ଦ୍ୱାରା ଘୋଡାଇ ଦିଅନ୍ତୁ ଓ ଜଳ ନିଷ୍କାସନର ବ୍ୟବସ୍ଥା କରନ୍ତୁ । ବିଳମ୍ବ ଶୀତ ଦିନିଆ ଟମାଟୋ ଫସଲ ପାଇଁ ତଳି ପକାଉଥିଲେ ତଳିଘରାର ତାପମାତ୍ରା ଅଧିକ ରଖିବା ପାଇଁ ବିହନ ଲଗାଇ ନଡା ଦ୍ୱାରା ଆଚ୍ଛାଦନ କରନ୍ତୁ କିମ୍ବା ପଲିଥିନ୍ ରେ ତଳି ଘରାକୁ ରାତି ସମୟରେ ଘୋଡାଇ ସକାଳୁ ବାହାର କରିଦିଅନ୍ତୁ । ବର୍ତ୍ତମାନ ପନିପରିବା ତଳି ରୋଉ ଥିଲେ ରାତିର କମ୍ ତାପମାତ୍ରାରୁ ରକ୍ଷା ପାଇବା ପାଇଁ ରାତିରେ ତଳିକୁ ଠୁଙ୍ଗାରେ ଘୋଡାଇ ଦିଅନ୍ତୁ । ତୈଳବୀଜ ଫସଲର ବୁଣାବୁଣି ପାଇଁ ତାପମାତ୍ରା ବଢିବା ପର୍ଯ୍ୟନ୍ତ ଅପେକ୍ଷା କରନ୍ତୁ । |

## ମୋବାଇଲ ରେ ପଠାଯାଉଥିବା ସଂକ୍ଷିପ୍ତ ଉପଦେଶ:

| |
|---|
| ସଅଳ ଲଗାଯାଇଥିବା ପନିପରିବା ରେ ବର୍ଷା ପରେ ପତ୍ରଗୁଡିକ ଯଦି ମାଟିରେ ଲାଗିଯାଇଥାଏ ତେବେ ସେହି ପତ୍ରଗୁଡ଼ିକୁ ଛିଣ୍ଡାଇ ଦିଅନ୍ତୁ । |

## ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଧାନ | ଧାନ ସାଇତି ରଖିଥିବା ବସ୍ତା କିମ୍ବା କୋଠରୀରେ ପୋକ ଦେଖାଦେଲେ ଆଲୁମିନିୟମ ଫସଫାଇଡ୍ ଟାବଲେଟ ଏକ ଟନ ଧାନ ପିଛା ୩ ଟି (ସମୁଦାୟ ୯ ଗ୍ରାମ ଟାବଲେଟ) କନାରେ ଗୁଡାଇ ରଖନ୍ତୁ । ଏହାପରେ ଭଲଭାବରେ ତାରପୋଲିନ ଘୋଡାଇ ଦିଅନ୍ତୁ ଯେପରିକି କିଛି ଫାଙ୍କା ଜାଗା ନ ରୁହେ । ଯଦି କୋଠରୀର ସନ୍ଧି ଜାଗା କିମ୍ବା କବାଟ ଫାଙ୍କ ଜାଗା ଥାଏ ତେବେ କାଦୁଅ କିମ୍ବା |

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| | ସେଲୋଟ୍ୟାପ ଦେଇ ଭଲ ଭାବରେ ବନ୍ଦ କରନ୍ତୁ, ଯେପରିକି ବାଷ୍ପ ବାହାରକୁ ନ ଆସେ । ଏହିପରି ୭ ରୁ ୧୦ ଦିନ ପର୍ଯ୍ୟନ୍ତ କୋଠରୀର ବସ୍ତା ମୁହଁ ଭଲ ଭାବରେ ବନ୍ଦ ରଖନ୍ତୁ । |
| ଧାନ | ଡାଲୁଅ ଧାନ ଚାଷ ପାଇଁ ଅଧିକ ଅମଳକ୍ଷମ ଧାନ କିସମ ଯଥା ସତ୍ୟଭାମା, ସହଭାଗୀ ଧାନ, ମନ୍ଦାକିନୀ, ମନସ୍ୱିନୀ, ଡ଼ିଆରଆର-୪୨, ଡ଼ିଆରଆର-୪୩, ଡ଼ିଆରଆର-୪୪, ବୀଣା-୧୧, ଜିବି-୧, ଉନ୍ନତ ଲଲାଟ, ଏମଟିୟୁ-୧୦୧୦, ଏମଟିୟୁ-୧୦୦୧, ନବିନ, ସ୍ୱର୍ଣ୍ଣ ଶ୍ରେୟା ଇତ୍ୟାଦି ଧାନ କିସମ ବ୍ୟବହାର କରନ୍ତୁ । ଏକ ଏକର ଧାନ ଚାଷ ପାଇଁ ୨୦ କିଲୋଗ୍ରାମ ଧାନ ବିହନ ତଳି ପକେଇବା ପାଇଁ ଆବଶ୍ୟକ ହୋଇଥାଏ । ବିହନ ବିଶୋଧନ କରିବା ପାଇଁ ପ୍ରତି କିଲୋଗ୍ରାମ ଧାନ ବିହନରେ ୨-ଗ୍ରାମ କାର୍ବେଣ୍ଡାଜିମ ନାମକ ଫିମ୍ପିନାଶକ କିମ୍ବା ୩- ଗ୍ରାମ କାର୍ବୋକ୍ସିନ ଏବଂ ଥିରାମ ର ମିଳିତ ଫିମ୍ପିନାଶକ କୁ ମିଶାଇ ବିହନ ବିଶୋଧନ କରନ୍ତୁ । |
| ସୋରିଷ | ସୋରିଷ ଫସଲ ବର୍ତମାନ ଫୁଲ ଫୁଟିବା ଅବସ୍ଥାରେ ଅଛି । ବିଗତ ଦିନରେ ଜିଲ୍ଲା ରେ ହୋଇଥିବା ବର୍ଷା ଯୋଗୁଁ, ଅତ୍ୟଧିକ ଆର୍ଦ୍ରତା ଏବଂ କମ୍ ତାପମାତ୍ରା ହେତୁ ସୋରିଷ ଫସଲ ରେ ନିମ୍ନମୁଖି ପାଉଁଶିଆ ରୋଗ ଲାଗିବାର ସମ୍ଭାବନା ରହିଛି । ଏହା ସହ ଅତ୍ୟଧିକ ଆର୍ଦ୍ରତା ହେତୁ ଧଳା କଳଙ୍କ ରୋଗ ମଧ୍ୟ ଲାଗିପାରେ । ବର୍ଷା ଛାଡିଗଲା ପରେ ଏହି ରୋଗର ନିରାକରଣ ନିମନ୍ତେ ରାସାୟନିକ ଉପାୟରେ ୩.୫ ମିଲି ମେଟାଲାକ୍ସିଲ କିମ୍ବା ୨.୫ ଗ୍ରାମ ମେଟାଲାକ୍ସିଲ ଓ ମାଙ୍କୋଜେବ ର ମିଳିତ ମିଶ୍ରଣ କୁ ପ୍ରତି ଲିଟର ପାଣି ରେ ମିଶାଇ ଫସଲରେ ସିଞ୍ଚନ କରନ୍ତୁ । ବର୍ତ୍ତମାନ ସମୟରେ ସୋରିଷ ଫସଲରେ ପତ୍ରଛନ୍ଦା ପୋକ ଏବଂ କରତିଆ ମାଛି ଲାଗିବାର ସମ୍ଭାବନା ରହିଛି । ସୋରିଷ ଫସଲରେ ପତ୍ରଛନ୍ଦା ପୋକ ଏବଂ କରତିଆ ମାଛି ର ପରିଚାଳନା ପାଇଁ ଏକର ପ୍ରତି ୨୦୦-ମିଲି Ethofenprox ନାମକ କୀଟନାଶକ କିମ୍ବା ୪୦୦-ମିଲି Chlorpyriphos ଏବଂ Cypermethrin ର ମିଳିତ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ବର୍ତ୍ତମାନ ସମୟରେ ସୋରିଷ ଫସଲରେ ଜଉ ପୋକ ଏବଂ ଚିତ୍ରିତ ବଗ ଲାଗିବାର ସମ୍ଭାବନା ରହଛି । ପ୍ରାଥମିକ ଅବସ୍ଥାରେ ଏହି ପୋକ ଗୁଡକିର ପରିଚାଳନା ପାଇଁ ଏକର ପ୍ରତି ୬୦୦-ମିଲି ନିମ୍ବ ଆଧାରିତ କୀଟନାଶକ ୧୫୦୦ PPM କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ରାସାୟନକି ଉପାୟରେ ଜଉ ପୋକ ଏବଂ ଚିତ୍ରିତ ବଗ କୀଟ ର ପରିଚାଳନା ପାଇଁ ଏକର ପ୍ରତି ୪୦ ଗ୍ରାମ Thiomethoxam ନାମକ କୀଟନାଶକ କିମ୍ବା ୫୦ ଗ୍ରାମ Acetamiprid ନାମକ କୀଟନାଶକ କିମ୍ବା ୬୦-ମିଲି Imidacloprid ନାମକ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ମହୁମାଛିମାନଙ୍କର ଚଳ ପ୍ରଚଳରେ ବାଧା ନ ଦେବା ପାଇଁ ଅପରାହ୍ନ ସମୟରେ କୀଟନାଶକ କୁ ପ୍ରୟୋଗ କରନ୍ତୁ । |
| ବାଦାମ | ଚିନାବାଦାମ ଫସଲରେ ପ୍ରାଥମିକ ଅବସ୍ଥାରେ ଜଉ ପୋକ ଓ ପତ୍ର ଉକୁଣି ପୋକ ର ଆକ୍ରମଣ କମ ଦେଖାଦେଉଥିଲେ ଏକର ପ୍ରତି ୧-ଲିଟର ନିମ୍ବ ଆଧାରିତ କୀଟନାଶକ ୩୦୦ PPM କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ପୋକ ଆକ୍ରମଣ ଅଧିକ ଦେଖାଦେଲେ ରାସାୟନିକ ଉପାୟରେ ଜଉ ଓ ପତ୍ର ଉକୁଣି ପୋକ ର ପରଚିାଳନା ପାଇଁ ଏକର ପ୍ରତି ୪୦ ଗ୍ରାମ Thiomethoxam ନାମକ କୀଟନାଶକ କିମ୍ବା ୫୦-ମିଲି Imidacloprid ନାମକ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ପ୍ରାଥମିକ ଅବସ୍ଥାରେ ଚିନାବାଦାମ ଫସଲରେ ପତ୍ର ସୁଡଙ୍ଗୀ ପୋକ ର ପରିଚାଳନା ପାଇଁ ଏକର ପ୍ରତି ୧- |

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| | ଲିଟର ନିମ୍ବ ଆଧାରିତ କୀଟନାଶକ ୩୦୦ PPM କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ପୋକ ଆକ୍ରମଣ ଅଧିକ ଦେଖାଦେଲେ ରାସାୟନିକ ଉପାୟରେ ଏହି ପୋକ ର ପରିଚାଳନା ପାଇଁ ଏକର ପ୍ରତି ୪୦୦ ମିଲି- Profenophos ନାମକ କୀଟନାଶକ କିମ୍ବା ୪୦୦ ମିଲି- Chlorpyriphos ଏବଂ Cypermethrin ର ମିଳିତ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । |
| ମୁଗ | ବିହନ ବୁଣିବାର ୭ ଦିନ ପୂର୍ବରୁ ଏକ କିଲୋଗ୍ରାମ ମଞ୍ଜି ରେ ୨-ଗ୍ରାମ କାର୍ବେଣ୍ଡାଜିମ ନାମକ ଫିମ୍ପିନାଶକ କିମ୍ବା ୩-ଗ୍ରାମ କାର୍ବୋକ୍ସିନ ଓ ଥିରାମ ର ମିଳିତ ଫିମ୍ପିନାଶକ ମିଶାଇ ବିହନ ବିଶୋଧନ କରନ୍ତୁ । ବିହନ ବୁଣିବା ଦିନ ପ୍ରତି ୧-କିଲୋଗ୍ରାମ ବିହନରେ ୨୦-ଗ୍ରାମ ରାଇଜୋବିୟମ ଜୀବାଣୁ କଲଚର ଭଲ ଭାବରେ ଗୋଳାଇ ଛାଇରେ ଶୁଖାଇ ଜମିରେ ବୁଣନ୍ତୁ । ଶେଷ ଓଡ ଚାଷ ସମୟରେ ଏକର ପ୍ରତି ୨ ଟନ ଶଢା ଗୋବର ଖତ କିମ୍ବା କମ୍ପୋଷ୍ଟ ସହିତ ୩୫ କେଜି ଡିଏପି, ୧୩ କେଜି ମ୍ୟୁରେଟ ଅଫ ପଟାସ ଏବଂ ୪ କେଜି ୟୁରିଆ ମୂଳ ସାର ହିସାବରେ ସାର ପ୍ରୟୋଗ କରନ୍ତୁ । |

## ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଉଦ୍ୟାନକୃଷି | ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଟମାଟର | ମୁଖ୍ୟ ଜମିରେ ରୁଆ ଯାଇଥିବା ବିଲାତି ବାଇଗଣ ଫୁଲ ରୁ ଫଳ ହେବା (୬-୯ ସପ୍ତାହ) ଅବସ୍ଥାରେ ଅଛି । ବର୍ତ୍ତମାନ ସମୟରେ ବିଲାତି ବାଇଗଣ ଫସଲରେ ଧଳାମାଛି ଲାଗିବାର ସମ୍ଭାବନା ରହିଛି । ଉଭୟ ଅର୍ଭକ ଓ ପୂର୍ଣାଙ୍ଗ ଅବସ୍ଥାରେ ଧଳା ମାଛି ମାନେ ପତ୍ର ରୁ ରସ ଶୋଷି ଖାଇବା ହେତୁ ଆକ୍ରାନ୍ତ ପତ୍ର ଗୁଡିକ ଉପର ଆଡକୁ ମୋଡି ହୋଇଯାଏ ଏବଂ ବିବର୍ଣ୍ଣ ପଡି ଏହାର ସଜୀବତା ହ୍ରାସ ପାଏ । ଧଳା ମାଛି ଭୂତାଣୁ ଜନତି ପତ୍ରମୋଡା ରୋଗର ବାହକ ଅଟେ । ବିଲାତି ବାଇଗଣ ଫସଲରେ ଧଳାମାଛି ର ପରିଚାଳନା ପାଇଁ ଏକର ପ୍ରତି ୮-୧୦ ଟି ହଳଦିଆ ଅଠା ଯୁକ୍ତ ଜନ୍ତା ଲଗାନ୍ତୁ । ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୬୦୦-ମିଲି ନିମ୍ବ ଆଧାରିତ କୀଟନାଶକ ୧୫୦୦ PPM କୁ ୨୦୦-ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ରାସାୟନିକ ଉପାୟରେ ଟମଟୋ ଫସଲରେ ଧଳାମାଛି ର ପରିଚାଳନା ପାଇଁ ଏକର ପ୍ରତି ୪୦-ଗ୍ରାମ Thiomethoxam କିମ୍ବା ୨୦୦-ମିଲି Pyriproxifen ନାମକ କୀଟନାଶକ କିମ୍ବା ୨୫୦-ମିଲି Spiromesifen ନାମକ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । |
| ବନ୍ଧାକୋବି | ମୁଖ୍ୟ ଜମିରେ ରୁଆ ଯାଇଥିବା ବନ୍ଧା କୋବି ୫ -୮ ସପ୍ତାହ ଅବସ୍ଥାରେ ଅଛି । ବନ୍ଧା କୋବି ଫସଲରେ ବର୍ତ୍ତମାନ ସମୟରେ ଠିକିରି ପିଠିଆ ପୋକ ଓ ବନ୍ଧା କୋବି ବିନ୍ଧା ପୋକ ଲାଗିବାର ସମ୍ଭାବନା ରହିଛି । ଏହି ପୋକ ଗୁଡକିର ପରିଚାଳନା ପାଇଁ ନିୟମିତ ଭାବରେ ଫସଲର ସର୍ବେକ୍ଷଣ କରି ଶୂକ ଓ ଅଣ୍ଡା ପୁଞ୍ଜ ଗୁଡିକୁ ହାତରେ ଧରି ନଷ୍ଟ କରିଦିଅନ୍ତୁ । କୋବି ଫସଲରେ ଠିକିରି ପିଠିଆ ପୋକ ର ପରିଚାଳନା ପାଇଁ ଏକର ପ୍ରତି ୬-୮ ଟି ଆଲୋକ ଯନ୍ତା ଲଗାନ୍ତୁ । ପ୍ରାଥମିକ ଅବସ୍ଥାରେ ଏହି ପୋକ |

| ଉଦ୍ୟାନକୃଷି | ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| | ଗୁଡକିର ପରିଚାଳନା ପାଇଁଏକର ପ୍ରତି ୧- ଲିଟର ନିମ୍ବ ଆଧାରିତ କୀଟନାଶକ ୩୦୦PPM କୁ ୨୦୦-ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ରାସାୟନକି ଉପାୟରେ ଏହି ପୋକ ଗୁଡକିର ପରିଚାଳନା ପାଇଁ ଏକର ପ୍ରତି ୪୦୦-ମିଲି Tolfenpyrad ନାମକ କୀଟନାଶକ କିମ୍ବା ୨୦-ଗ୍ରାମ Flubendiamide ନାମକ କୀଟନାଶକ କିମ୍ବା ୪୦୦-ମିଲି Chlorfenapyr ନାମକ କୀଟନାଶକ କିମ୍ବା ୭୫-ମିଲି Spinosad ନାମକ କୀଟନାଶକ କୁ ୨୦୦-ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । |
| ଫୁଲକୋବି | ମୁଖ୍ୟ ଜମିରେ ରୁଆ ଯାଇଥିବା ଫୁଲ କୋବି ୫ -୮ ସପ୍ତାହ ଅବସ୍ଥାରେ ଅଛି। ଫୁଲ କୋବି ଫସଲରେ ସାଧାରଣତଃ ବୋରନ ଅଣୁସାର ର ଅଭାବ ଦେଖାଦେଲେ କୋବି ଗଛ ର କାଣ୍ଡ, ପତ୍ର ଉପରେ ପାଣି ଭିଜା ହାଲୁକା ରୁ ଧୂସର ରଙ୍ଗର ଦାଗମାନ ଦେଖାଯାଏ । ଏହା ବ୍ୟତୀତ କାଣ୍ଡ ଫମ୍ପା ହୋଇଥାଏ । ଫୁଲ ଉପରେ ମଧ ଅନୟିମିତ ପାଣିଭିଜା ଦାଗମାନ ଦେଖାଯାଏ ଏବଂ ଫୁଲ କ୍ରମଶଃ ଧୂସର ବାଦାମୀ ରଙ୍ଗର ହୋଇଥାଏ । ଫୁଲ ଛୋଟ ହେବା ସହିତ ଏହାର ସ୍ୱାଦ ତିକ୍ତ ବା ପିତା ହୋଇଥାଏ । ତେଣୁ କୋବି ଫସଲରେ ବୋରନ ଅଣୁସାର ର ଅଭାବ ଜନତି ଗଠନଗତ ସମସ୍ୟା ର ପରିଚାଳନା ପାଇଁ ଏକର ପ୍ରତି ୪-କିଲୋଗ୍ରାମ ବୋରାକ୍ସ କୁ ଶେଷ ଓଡ ଚାଷ ସମୟରେ ପ୍ରୟୋଗ କରନ୍ତୁ । ଶେଷ ଓଡ ଚାଷ ସମୟରେ ଜମିରେ ପ୍ରୟୋଗ କରିନଥିଲେ ଚାରା ରୋପଣର ୨ ସପ୍ତାହ ପରେ ଏବଂ ଫୁଲ କଢ ଧରିବାର ଦୁଇ ସପ୍ତାହ ପୂର୍ବରୁ ପ୍ରତି ଲିଟର ପାଣିରେ ୨.୫ ଗ୍ରାମ Borax କିମ୍ବା ୧-୧.୫ ଗ୍ରାମ Folibor କିମ୍ବା Solubor ମିଶାଇ ପତ୍ର ଉପରେ ସିଞ୍ଚନ କରନ୍ତୁ । |
| ଭେଣ୍ଡୀ | ପ୍ରାରମ୍ଭିକ ଅବସ୍ଥାରେ ଶୋଷକ କୀଟ ର ପରିଚାଳନା ପାଇଁ ୨୦୦ ଲିଟର ପାଣିରେ ୬୦୦ ମିଲି ନିମ୍ବ ଜାତୀୟ କୀଟନାଶକ ୧୫୦୦ ପିପିଏମ କୁ ମିଶାଇ ସିଞ୍ଚନ କରନ୍ତୁ । ରାସାୟନିକ ଉପାୟରେ ଏହି ପୋକ ଗୁଡିକର ପରିଚାଳନା ପାଇଁ ଏକର ପ୍ରତି ୪୦ ଗ୍ରାମ Thiamethoxam ନାମକ କୀଟନାଶକ କିମ୍ବା ୫୦ ଗ୍ରାମ Acetamiprid ନାମକ କୀଟନାଶକ କିମ୍ବା ୪୦୦ ମିଲି Fenobucarb ନାମକ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ଅମୃତଭଣ୍ଡା | ପ୍ରାରମ୍ଭିକ ଅବସ୍ଥାରେ ଦହିଆ/ଚୂର୍ଣ୍ଣପୃଷ୍ଠ ପୋକ ର ପରିଚାଳନା ପାଇଁ ୧୦-ଲିଟର ପାଣିରେ ୩୦-ମିଲି ନିମ୍ବ ଆଧାରିତ କୀଟନାଶକ ୧୫୦୦ ପିପିଏମ ଆଜାଡିରାକ୍ଟିନ ମିଶାଇ ସିଞ୍ଚନ କରନ୍ତୁ । ଏହା ବ୍ଯତୀତ ଗଛରେ ସାବୁନ ମିଶ୍ରିତ ପାଣି ସିଞ୍ଚନ କରନ୍ତୁ । ପୋକର ଆକ୍ରମଣ ଅଧିକ ହେଲେ ରାସାୟନିକ ଉପାୟରେ ଏହି ପୋକର ଦମନ ପାଇଁ ପ୍ରତି ୧୦-ଲିଟର ପାଣିରେ ୨୦-ମିଲି ପ୍ରୋଫେନୋଫସ କିମ୍ବା ୨-ଗ୍ରାମ ଥାୟାମେଥୋକଜମ ନାମକ କୀଟନାଶକ ମିଶାଇ ସିଞ୍ଚନ କରନ୍ତୁ । |

## ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ପଶୁ ପାଳନ | ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଗାଈ | ଶୀତ ପାଇଁ ସତର୍କ ସୂଚନା ହୋଇଛି। ଗୁହାଳରେ ପବନ ଚଳଚଳ ପାଇଁ ଖାଲି ସ୍ଥାନ ଥିଲେ ରାତିରେ ଏହାକୁ ବନ୍ଦ କରନ୍ତୁ। ଗାଈ ମାନଙ୍କୁ ସାଧାରଣ ପାଣି ବଦଳ ରେ ଉଷୁମ ପାଣି ପିଇବାକୁ ଦିଅନ୍ତୁ। |

## ମତ୍ସ୍ୟ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ମତ୍ସ୍ୟ ପାଳନ | ମତ୍ସ୍ୟ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଫ୍ରେଶ ୱାଟର | ଶୀତ ଋତୁରେ ମାଛ ମାନଙ୍କ ଦେହରେ କବକ, ବୀଜାଣୁ ଓ ପରଜୀବୀ ଜନିତ ରୋଗ ଦେଖା ଯାଇଥାଏ । ଏହି ରୋଗ ମାନଙ୍କର ନିରାକରଣ ପାଇଁ ଶୀତ ଋତୁ ଆରମ୍ଭ ହେବା ପୂର୍ବରୁ ଏକ ଏକର ପୋଖରୀ ପ୍ରତି ୪୦୦ ମିଲି CIFAX କିମ୍ବା ୧ ରୁ ୨ କେଜି ପୋଟାସିୟମ ପରମାଙ୍ଗାନେଟ କିମ୍ବା ୫୦ ରୁ ୧୦୦ କେଜି ଚୂନ ମିଶାଇ ବିଶୋଧନ କରନ୍ତୁ । ଶୀତ ଋତୁରେ ମାଛ ମାନଙ୍କୁ ରୋଗ ନହେବା ପାଇଁ ଏକ ଏକର ପୋଖରୀ ପ୍ରତି ୧୦୦ କେଜି ଲୁଣ ପ୍ରୟୋଗ କରନ୍ତୁ । |

## କୁକୁଡ଼ା ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| କୁକୁଡ଼ା ପାଳନ | କୁକୁଡ଼ା ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଚିଚକ | ଆଗାମୀ ଦିନ ରେ ତାପମାତ୍ରା କମିବା ହେବା ର ଆଶଙ୍କା ଥିବାରୁ କୁକୁଡା ଚିଆଁ ପିଛା ୨ ୱାଟ ହିସାବ ରେ ଲାଇଟ ବଲ୍ବ ଲଗାନ୍ତୁ। କୁକୁଡା ଘରେ ପବନ ଚଳଚଳ ପାଇଁ ଖାଲି ସ୍ଥାନ ଥିଲେ ରାତିରେ ଏହାକୁ ବନ୍ଦ କରନ୍ତୁ। କୁକୁଡା ମାନଙ୍କୁ ସାଧାରଣ ପାଣି ବଦଳ ରେ ଉଷୁମ ପାଣି ପିଇବାକୁ ଦିଅନ୍ତୁ। |